ସମ୍ବାଦ

# ସାହିତ୍ୟ ଅକାଦେମି ଅନୁବାଦ ପୁରସ୍କାର-୨୦୨୫ ପାଇଁ ପୁସ୍ତକ ଆହ୍ୱାନ

ଭୁବନେଶ୍ୱର, ୪/୫(ଇମିସ): କେନ୍ଦ୍ର ସାହିତ୍ୟ ଅକାଦେମି ଅନୁବାଦ ପୁରସ୍କାର-୨୦୨୫ ପାଇଁ ପୁସ୍ତକ ଆହ୍ୱାନ କରାଯାଉଛି। ଅକାଦେମି ଦ୍ୱାରା ସ୍ୱୀକୃତ ଅସମିୟା, ବଙ୍ଗଳା, ବୋଡ଼ୋ, ଡୋଗ୍ରି, ଇଂରାଜୀ, ଗୁଜରାଟି, ହିନ୍ଦୀ, କନ୍ନଡ଼, କଶ୍ମିରୀ, କୋଙ୍କଣୀ, ମୈଥିଳି, ମାଲୟାଲମ୍, ମଣିପୁରୀ, ମରାଠୀ, ନେପାଳୀ, ଓଡ଼ିଆ, ପଞ୍ଜାବୀ, ରାଜସ୍ଥାନୀ, ସଂସ୍କୃତ, ସାନ୍ତାଳୀ, ସିନ୍ଧି, ତାମିଲ, ତେଲୁଗୁ ଓ ଉର୍ଦ୍ଦୁ ଭାଷାରେ ଭାରତୀୟ ଲେଖକମାନଙ୍କ ଦ୍ୱାରା ଅନୂଦିତ ସର୍ବୋତ୍କୃଷ୍ଟ ଅନୁବାଦ ପୁସ୍ତକକୁ ପୁରସ୍କାର ଦିଆଯାଏ। ଏକ ସମ୍ମାନଜନକ ଉତ୍ସବରେ ପୁରସ୍କାର ସ୍ୱରୂପ ୫୦ ହଜାର ଟଙ୍କାର ଅର୍ଥରାଶି ଓ ଫଳକ ପ୍ରଦାନ କରାଯାଇଥାଏ।

୨୦୨୫ ବର୍ଷର ସାହିତ୍ୟ ଅକାଦେମି ଅନୁବାଦ ପୁରସ୍କାର ପାଇଁ ଭାରତୀୟ ଅନୁବାଦକ, ଅନୁବାଦକଙ୍କ ଶୁଭଚିନ୍ତକ ଓ ପ୍ରକାଶକମାନଙ୍କଠାରୁ ଅକାଦେମି ଦ୍ୱାରା ସ୍ୱୀକୃତ ୨୪ଟି ଭାଷାରେ ଅନୁବାଦ ପୁସ୍ତକ ଆହ୍ୱାନ କରାଯାଉଛି। ୨୦୧୯, ୨୦୨୦, ୨୦୨୧, ୨୦୨୨ ଓ ୨୦୨୩ (ଅର୍ଥାତ୍ ୧ ଜାନୁଆରି ୨୦୧୯ରୁ ୩୧ ଡିସେମ୍ବର ୨୦୨୩ ମଧ୍ୟରେ) ପ୍ରଥମେ ପ୍ରକାଶିତ ଅନୁବାଦ ପୁସ୍ତକଗୁଡ଼ିକୁ ଏହି ପୁରସ୍କାର ପାଇଁ ବିଚାରକୁ ନିଆଯିବ। ପ୍ରତ୍ୟେକ ବହିର ଏକକିତା ନକଲ ସହିତ ଆବେଦନପତ୍ର ଜମା କରିବାର ଶେଷ ତାରିଖ ମେ ୩୧ ତାରିଖ ରଖାଯାଇଛି। ଓଡ଼ିଆ ଅନୁବାଦ ପୁସ୍ତକଗୁଡ଼ିକ କୋଲକାତାସ୍ଥିତ ଆଞ୍ଚଳିକ କାର୍ଯ୍ୟାଳୟକୁ ପଠାଇବାକୁ ହେବ। ଏହି ପୁରସ୍କାର ସଂପର୍କିତ ବିସ୍ତୃତ ବିବରଣୀ ଜାଣିବା ପାଇଁ ସାହିତ୍ୟ ଅକାଦେମିର ୱେବସାଇଟ୍ www.sahitya-akademi.gov.in ରେ ଉପଲବ୍ଧ ନିୟମାବଳୀ ଦେଖିବାକୁ ଅନୁରୋଧ କରାଯାଇଛି।